# REGIONAL NEWS UNIT, AIR CUTTACK

## Morning Bulletin (7.05 AM)

**15 July – 2025**

**************************************************************

# ରାଷ୍ଟ୍ରପତି

ରାଷ୍ଟ୍ରପତି ଦ୍ରୌପଦୀ ମୁର୍ମୁ ଆଜି ପୂର୍ବାହ୍ନରେ କଟକ ରେଭେନ୍ସା ବିଶ୍ୱବିଦ୍ୟାଳୟର ତ୍ରୟୋଦଶ ବାର୍ଷିକ ସମାବର୍ତ୍ତନ ଉତ୍ସବରେ ମୁଖ୍ୟଅତିଥି ଭାବେ ଯୋଗଦେବେ । ଏହାପରେ ରାଷ୍ଟ୍ରପତି ରେଭେନ୍ସା ବାଳିକା ଉଚ୍ଚବିଦ୍ୟାଳୟର ୩ଟି ଅଟ୍ଟାଳିକାର ପୁନର୍ବିକାଶ ପ୍ରକଳ୍ପର ଶିଳାନ୍ୟାସ କରିବା ସହ ଆଦିକବି ସାରଳା ଦାସଙ୍କ ଜନ୍ମବାର୍ଷିକୀ ସମାରୋହରେ ଯୋଗଦେବାର କାର୍ଯ୍ୟସୂଚୀ ରହିଛି ।

ଭୁବନେଶ୍ୱର ଏମ୍ସର ପଞ୍ଚମ ସମାବର୍ତ୍ତନ ଉତ୍ସବରେ ଗତ ସନ୍ଧ୍ୟାରେ ଯୋଗଦେଇ ରାଷ୍ଟ୍ରପତି କହିଛନ୍ତି, ମାନସିକ ଅବସାଦ ଆଜିର ସମାଜରେ ଏକ ସମସ୍ୟା ଭାବେ ଦେଖାଦେଇଛି । ଏଥିପାଇଁ ଔଷଧ ବ୍ୟତୀତ ସଚେତନତାର ଆବଶ୍ୟକତା ରହିଛି । ଏ କ୍ଷେତ୍ରରେ ଡାକ୍ତରଙ୍କର ଗୁରୁତ୍ୱପୂର୍ଣ୍ଣ ଭୂମିକା ରହିଛି ବୋଲି ରାଷ୍ଟ୍ରପତି କହିଛନ୍ତି ।

**V/O**

# ଛାତ୍ରୀ ମୃତ

ଭୁବନେଶ୍ୱର ଏମ୍ସରେ ଚିକିତ୍ସାଧୀନ ଅବସ୍ଥାରେ ବାଲେଶ୍ୱର ଫକୀରମୋହନ ସ୍ୱୟଂଶାସିତ ମହାବିଦ୍ୟାଳୟର ଛାତ୍ରୀଙ୍କର ଗତକାଲି

ପରଲୋକ ହୋଇଛି । ଶବ ବ୍ୟବଚ୍ଛେଦ ପରେ ମୃତଦେହକୁ ଛାତ୍ରୀଙ୍କର ପରିବାର ଲୋକଙ୍କୁ ହସ୍ତାନ୍ତର କରାଯାଇଛି । ଆଜି ତାଙ୍କ ଗ୍ରାମରେ ଶେଷକୃତ୍ୟ ସଂପନ୍ନ ହେବ ।

ଏହି ଘଟଣାରେ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଗଭୀର ଦୁଃଖ ପ୍ରକାଶ କରିବା ସହ ପରିବାରବର୍ଗଙ୍କୁ ସମବେଦନା ଜଣାଇଛନ୍ତି । ସାମାଜିକ ଗଣମାଧ୍ୟମ ପୋଷ୍ଟରେ ମୁଖ୍ୟମନ୍ତ୍ରୀ କହିଛନ୍ତି, ଏହି ମାମଲାରେ ଜଡ଼ିତ ଦୋଷୀଙ୍କ ବିରୁଦ୍ଧରେ କଠୋର କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯିବ ।

ଏହି ଛାତ୍ରୀ ଆତ୍ମାହୂତି ଘଟଣାରେ କଲେଜର ବିଭାଗୀୟ ମୁଖ୍ୟ ପୂର୍ବରୁ ଗିରଫ ହୋଇ ଜେଲ୍ ଯାଇଥିବା ବେଳେ ଗତକାଲି ଅଧ୍ୟକ୍ଷଙ୍କୁ ଗିରଫ କରାଯାଇଛି ।

## ଉଚ୍ଚଶିକ୍ଷା ବିଭାଗ-ନିର୍ଦ୍ଦେଶନାମା

ଉଚ୍ଚଶିକ୍ଷା ବିଭାଗ ଅଧୀନସ୍ଥ ରାଜ୍ୟର ସମସ୍ତ ବିଶ୍ୱବିଦ୍ୟାଳୟ ଏବଂ ମହାବିଦ୍ୟାଳୟ ଆଭ୍ୟନ୍ତରୀଣ ଅଭିଯୋଗ କମିଟିର କାର୍ଯ୍ୟକାରିତା ରିପୋର୍ଟ ୨୪ ଘଣ୍ଟା ମଧ୍ୟରେ ଦାଖଲ କରିବାକୁ ନିର୍ଦ୍ଦେଶ ଦିଆଯାଇଛି । ବିଶ୍ୱବିଦ୍ୟାଳୟର ରେଜିଷ୍ଟ୍ରାର ଏବଂ ମହାବିଦ୍ୟାଳୟର ଅଧ୍ୟକ୍ଷଙ୍କୁ ଉଚ୍ଚଶିକ୍ଷା ବିଭାଗ ପକ୍ଷରୁ ଏ ସଂକ୍ରାନ୍ତ ନିର୍ଦ୍ଦେଶନାମା ଜାରି କରାଯାଇଛି । ଆଭ୍ୟନ୍ତରୀଣ ଅଭିଯୋଗ କମିଟିର ସମସ୍ତ ସଦସ୍ୟଙ୍କର ନାମ ଏବଂ ଫୋନ୍ ନମ୍ବର ବିଭାଗୀୟ ପରିଚାଳନା ସଂକ୍ରାନ୍ତ ପୋର୍ଟାଲ୍‌ରେ ଅପ୍‌ଲୋଡ କରିବାକୁ କୁହାଯାଇଛି । କର୍ମକ୍ଷେତ୍ରରେ ଯୌନ ଉତ୍ପୀଡ଼ନ ସଂପର୍କିତ ସମସ୍ୟାର ସମାଧାନ ନିମନ୍ତେ ରହିଥିବା ବ୍ୟବସ୍ଥା ସଂପର୍କରେ ସଚେତନତା ସୃଷ୍ଟି ନେଇ ତୁରନ୍ତ କର୍ମଶାଳା ଆୟୋଜନ କରିବାକୁ ନିର୍ଦ୍ଦେଶନାମାରେ କୁହାଯାଇଛି ।

## ବିଚାରପତି

ଗୁଆହାଟୀ ହାଇକୋର୍ଟର ଅନ୍ୟତମ ବିଚାରପତି ମାନସ ରଞ୍ଜନ ପାଠକଙ୍କୁ ଓଡ଼ିଶା ହାଇକୋର୍ଟକୁ ବଦଳି କରାଯାଇଛି । ଏ ସଂକ୍ରାନ୍ତ ବିଜ୍ଞପ୍ତି ଗତକାଲି ପ୍ରକାଶ ପାଇଛି। ଗତ ମଇମାସ ୨୬ ତାରିଖରେ ସୁପ୍ରିମକୋର୍ଟର କଲିଜିୟମ୍ ଏଥିପାଇଁ ସୁପାରିଶ କରିଥିଲା । ୨୦୧୩ ମଇମାସ ୨୨ ତାରିଖରେ ଗୁଆହାଟୀ ହାଇକୋର୍ଟର ଅତିରିକ୍ତ ବିଚାରପତି ଭାବେ ସେ ଦାୟିତ୍ୱ ଗ୍ରହଣ କରିଥିଲେ ।

## ଶକ୍ତି ଭିତ୍ତିଭୂମି-ଶକ୍ତିମନ୍ତ୍ରୀ

ରାଜ୍ୟର ଶକ୍ତି ଭିତ୍ତିଭୂମିକୁ ସୁଦୃଢ଼ କରିବା ସହ ସବୁଜ ଲକ୍ଷ୍ୟକୁ ହାସଲ ଦିଗରେ ଓଡ଼ିଶା ଅଗ୍ରସର ହେଉଛି ବୋଲି ଉପମୁଖ୍ୟମନ୍ତ୍ରୀ ତଥା ଶକ୍ତିମନ୍ତ୍ରୀ କନକବର୍ଦ୍ଧନ ସିଂହଦେଓ କହିଛନ୍ତି । ଭୁବନେଶ୍ୱର ଲୋକସେବା ଭବନଠାରେ ଗ୍ରୀଡ୍‌କୋର ପ୍ରକଳ୍ପଗୁଡ଼ିକର ସ୍ଥିତି ନେଇ ସମୀକ୍ଷା କରିବା ଅବସରରେ ମନ୍ତ୍ରୀ ଶ୍ରୀ ସିଂହଦେଓ ପ୍ରକଳ୍ପ କାର୍ଯ୍ୟକୁ ତ୍ୱରାନ୍ୱିତ କରିବା ସହ ନିର୍ଦ୍ଧାରିତ ସମୟସୀମା ମଧ୍ୟରେ ଶେଷ କରିବାକୁ ଅଧିକାରୀମାନଙ୍କୁ ପରାମର୍ଶ ଦେଇଛନ୍ତି ।

## ଅର୍ଥନୈତିକ ସର୍ବେକ୍ଷଣ ବୈଠକ

ଚଳିତ ଆର୍ଥିକବର୍ଷ ପାଇଁ ରାଜ୍ୟ ଅର୍ଥନୈତିକ ସର୍ବେକ୍ଷଣ ପରାମର୍ଶଦାତା ପରିଚାଳନା କମିଟି ବୈଠକ ଗତକାଲି ଲୋକସେବା ଭବନରେ ଅନୁଷ୍ଠିତ ହୋଇଯାଇଛି । ଉନ୍ନୟନ କମିଶନର ତଥା ଅତିରିକ୍ତ ମୁଖ୍ୟ ଶାସନ ସଚିବ ଅନୁ ଗର୍ଗଙ୍କ ଅଧ୍ୟକ୍ଷତାରେ ଆୟୋଜିତ ଏହି ବୈଠକରେ ଅର୍ଥନୈତିକ ସର୍ବେକ୍ଷଣର

ରୂପରେଖ ଏବଂ ନିଯୁକ୍ତି ସୃଷ୍ଟିକାରୀ ରପ୍ତାନୀ ଭିତ୍ତିକ ଅଭିବୃଦ୍ଧି ଲକ୍ଷ୍ୟ ନେଇ ବିସ୍ତୃତ ଆଲୋଚନା ହୋଇଛି ।

## ବିଧାନସଭା ଷ୍ଟାଣ୍ଡିଂ କମିଟି

ଓଡ଼ିଶା ବିଧାନସଭାର ଷ୍ଟାଣ୍ଡିଂ କମିଟି ଗତକାଲି ଅପରାହ୍ନରେ ବ୍ରହ୍ମପୁର ବିଶ୍ୱବିଦ୍ୟାଳୟ ଏବଂ ଖଲ୍ଲୀକୋଟ ଏକକ ବିଶ୍ୱବିଦ୍ୟାଳୟ ପରିଦର୍ଶନ କରିଛନ୍ତି । ସେଠାରେ ଶୈକ୍ଷିକ ପରିସ୍ଥିତି ତଥା  ଭିତ୍ତିଭୂମିର ବିକାଶ ନେଇ ଛାତ୍ରଛାତ୍ରୀ ଓ କର୍ତ୍ତୃପକ୍ଷଙ୍କ ସହ ମତ ବିନିମୟ କରିଛନ୍ତି । ଗୁଣାତ୍ମକ ଶିକ୍ଷା ଉପରେ କମିଟି ଗୁରୁତ୍ୱ ଆରୋପ କରିଛି ।

## ହକି

ଜାତୀୟ ସବ୍‌ଜୁନିୟର ବାଳିକା ହକି ପ୍ରତିଯୋଗିତାର ପଞ୍ଚଦଶ ସଂସ୍କରଣରେ ଓଡ଼ିଶା ରନର୍ସ ଅପ୍ ହୋଇଛି। ଝାଡ଼ଖଣ୍ଡର ରାଞ୍ଚିଠାରେ ଗତକାଲି ଖେଳାଯାଇଥିବା ଫାଇନାଲ୍ ମ୍ୟାଚ୍‌ରେ ଝାଡ଼ଖଣ୍ଡ' ଓଡ଼ିଶାକୁ ୧-୦ ଗୋଲ୍‌ରେ ପରାସ୍ତ କରିଛି ।

## ପାଣିପାଗ

ବଙ୍ଗୋପସାଗରରେ ସୃଷ୍ଟ ଲଘୁଚାପ କ୍ଷେତ୍ର ଅଧିକ ଘନୀଭୂତ ହୋଇ ଅବପାତରେ ପରିଣତ ହୋଇଛି । ଏହାର ପ୍ରଭାବରେ ଆଗାମୀ ୨୪ ଘଣ୍ଟା ପର୍ଯ୍ୟନ୍ତ ଉପକୂଳ ଏବଂ ଆଭ୍ୟନ୍ତରୀଣ ଓଡ଼ିଶାରେ ପ୍ରବଳରୁ ଅତିପ୍ରବଳ ବର୍ଷାର ସମ୍ଭାବନା ରହିଛି । ଭୁବନେଶ୍ୱର ଆଞ୍ଚଳିକ ପାଣିପାଗ ବିଜ୍ଞାନ କେନ୍ଦ୍ର ପକ୍ଷରୁ ଏଥିପାଇଁ ୨୨ଟି ଜିଲ୍ଲାକୁ ସତର୍କ ସୂଚନା ଜାରି କରାଯାଇଛି ।

ବର୍ଷାଜନିତ ସମ୍ଭାବ୍ୟ ବନ୍ୟା ପରିସ୍ଥିତିର ମୁକାବିଲାକୁ ଦୃଷ୍ଟିରେ ରଖି ବିପର୍ଯ୍ୟୟ ପରିଚାଳନା ମନ୍ତ୍ରୀ ସୁରେଶ ପୂଜାରୀ ଗତକାଲି ପ୍ରସ୍ତୁତିର ସମୀକ୍ଷା କରିଛନ୍ତି ।

ଆଜି ସକାଳ ୬ଟା ସୁଦ୍ଧା ହୀରାକୁଦ ଜଳଭଣ୍ଡାରର ଜଳସ୍ତର ୬୦୭ ଦଶମିକ ୫ ଫୁଟ ରହିଥିଲା ।

.....................................................................................